ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୬୬୬ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୨୩୩୪୭ରେ ପହଞ୍ଚିଲା - ସୁସ୍ଥ ହେଲେ ୫୨୪ ଜଣ ।

ଅନୁଗୋଳ, ତା.୧୫.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୬୬୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୪୦ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୬୫୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୧୮ଜଣ ( ୮୫ଜଣ ପୁରୁଷ ଓ ୩୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧୦ଜଣ ( ୭୭ଜଣ ପୁରୁଷ ଓ୩୩ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮୧ଜଣ ( ୬୨ଜଣ ପୁରୁଷ ଓ ୧୯ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭୨ଜଣ (୪୬ ଜଣ ପୁରୁଷ ଓ ୨୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭୧ଜଣ ( ୫୫ଜଣ ପୁରୁଷ ଓ ୧୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬୧ଜଣ ( ୪୪ଜଣ ପୁରୁଷ ଓ ୧୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪୭ଜଣ(୨୮ ଜଣ ପୁରୁଷ ଓ ୧୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୪ଜଣ( ୨୧ଜଣ ପୁରୁଷ ଓ ୧୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩୪ଜଣ (୨୨ ଜଣ ପୁରୁଷ ଓ ୧୨ଜଣ ମହିଳା),ତାଳଚେର ପୌରାଞ୍ଚଳରୁ ୩୦ଜଣ ( ୧୫ଜଣ ପୁରୁଷ ଓ ୧୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୮୯ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୨୪ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୫୯ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୭ ତା.୧୫.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ